ପ୍ରେସ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୨୧ ଜଣ କରୋନା ପଜିଟିଭ ଚିହ୍ନଟ -

ପଜିଟିଭ ସଂଖ୍ୟା ୧୧୭୫୪ ରେ ପହଞ୍ଚିଲା - ସୁସ୍ଥ ହେଲେ ୪୮ ଜଣ ।

ଅନୁଗୋଳ, ତା,୨୫.୧୨:- ଆଜି ଅନୁଗୋଳ ଜିଲ୍ଲାରେ ୨୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଥିବାର ଜଣାପଡିଛି ।ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୨୦୯ ରେ ରହିଛି ।ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୯ ଜଣ ( ୫ଜଣ ପୁରୁଷ ଓ ୪ଜଣ ମହିଳା), ବଣ୍ଠରପାଳ ବ୍ଲକ୍ ଅଂଚଳରୁ ୭ଜଣ ( ୫ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୩ ଜଣ (୩ ଜଣ ପୁରୁଷ), ତାଳଚେର ବ୍ଲକ୍ ଅଂଚଳରୁ ୧ ଜଣ ( ୧ଜଣ ମହିଳା) ଓ ତାଳଚେର ପୌରାଞ୍ଚଳରୁ ୧ଜଣ (୧ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି ।ଆଜି ଅନୁଗୋଳ ବ୍ଲକ, କଣିହାଁ ବ୍ଲକ, କିଶୋରନଗର ବ୍ଲକ, ପାଲଲହଡା ବ୍ଲକ, ଆଠମଲ୍ଲିକ ବ୍ଲକ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି ।ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି ।ଆଜି ଅନୁଗୋଳ ଜିଲ୍ଲାରୁ ୪୮ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୨ଜଣ କୋଭିଡ ହସପିଟାଲରୁ ଓ ୪୬ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୮୪୦ ତା.୨୫.୧୨.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ଗଲା ।

[signature] ୨୫/୧୨/୨୦୨୦

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ